# ଆଜି ଅନୁଗୋଳ ଜିଲ୍ଲାରୁ ୧୧୬ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୮୦୮୨ରେ ପହଞ୍ଚିଲା - ସୁସ୍ଥ ହେଲେ ୨୨୭ ଜଣ ।

ଅନୁଗୋଳ, ତା,୨୩.୧୦:-ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୧୧୬ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ଵାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୪ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୩୦ ରେ ପହଂଚିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଅନୁଗୋଳ ପୌରାଞ୍ଚଳରୁ ୩୮ଜଣ ( ୨୭ଜଣ ପୁରୁଷ ଓ ୧୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୮ଜଣ ( ୧୧ଜଣ ପୁରୁଷ ଓ ୭ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୮ ଜଣ (୧୫ ଜଣ ପୁରୁଷ ଓ ୩ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୧୩ଜଣ (୮ ଜଣ ପୁରୁଷ ଓ ୫ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୮ଜଣ ( ୪ଜଣ ପୁରୁଷ ଓ୪ ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୭ଜଣ ( ୪ଜଣ ପୁରୁଷ ଓ ୩ଜଣ ମହିଳା),କଣିହାଁ ବ୍ଲକ୍ ଅଂଚଳରୁ ୫ଜଣ ( ୪ଜଣ ପୁରୁଷ ଓ ୧ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ୨ ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା)ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧ଜଣ ( ୧ଜଣ ପୁରୁଷ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ଵଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ଵାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୨୨୭ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧୩ଜଣ କୋଭିଡ ହସପିଟାଲରୁ, ୧୧ ଜଣ କୋଭିଡ କେୟାର ସେଣ୍ଟରରୁ ଓ ୨୦୩ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୬୯୮ ତା.୨୩.୧୦.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ